# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**09 May - 2024**

**News Editor : *Tapan Kumar Maharana***

***********************************

## ମୁଖ୍ୟ ସମ୍ବାଦ

- ନୂଆଦିଲ୍ଲୀର ରାଷ୍ଟ୍ରପତି ଭବନରେ ରାଷ୍ଟ୍ରପତି ପ୍ରଦାନ କରୁଛନ୍ତି ପଦ୍ମ ପୁରସ୍କାର

- ରାଜ୍ୟରେ ବିଜେପି ସରକାର ଗଠନ ହେଲେ ସର୍ବାଙ୍ଗୀନ ଉନ୍ନତି ହେବ; କହିଲେ, ବିଜେପିର ବରିଷ୍ଠ ନେତା ନୀତିନ ଗଡ଼କରୀ

- ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଆଜି ଗଞ୍ଜାମ ଓ କନ୍ଧମାଳରେ ଦଳୀୟ ପ୍ରାର୍ଥୀଙ୍କ ସପକ୍ଷରେ କଲେ ନିର୍ବାଚନୀ ପ୍ରଚାର

- ବିଜେପିର ବରିଷ୍ଠ ନେତା ତଥା ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ଓଡ଼ିଶା ଗସ୍ତରେ ଆସି କରିବେ ନିର୍ବାଚନୀ ପ୍ରଚାର

ଏବଂ

- ପବିତ୍ର ଅକ୍ଷୟ ତୃତୀୟାରେ ଆସନ୍ତାକାଲି ଶ୍ରୀଜୀଉମାନଙ୍କର ଚନ୍ଦନଯାତ୍ରା ହେବ ଆରମ୍ଭ

# ପଦ୍ମ ପୁରସ୍କାର

ନୂଆଦିଲ୍ଲୀର ରାଷ୍ଟ୍ରପତି ଭବନରେ ବର୍ତ୍ତମାନ ପଦ୍ମ ପୁରସ୍କାର ବିତରଣ ସମାରୋହ ଚାଲିଛି। ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଏହି ସମାରୋହରେ ପଦ୍ମବିଭୂଷଣ, ପଦ୍ମଭୂଷଣ ଏବଂ ପଦ୍ମଶ୍ରୀ ପୁରସ୍କାର ବିଜେତାମାନଙ୍କୁ ପୁରସ୍କାର ପ୍ରଦାନ କରୁଛନ୍ତି।  କଳା, ସାମାଜିକ କାର୍ଯ୍ୟ, ବିଜ୍ଞାନ ଓ ବୈଷୟିକ, ବାଣିଜ୍ୟ ଓ ଉଦ୍ୟୋଗ, ଔଷଧ, ସାହିତ୍ୟ ଓ ଶିକ୍ଷା, କ୍ରୀଡ଼ା ଓ ପ୍ରଶାସନିକ ସେବା ସମେତ ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ଏହି ପୁରସ୍କାର ପ୍ରଦାନ କରାଯାଉଛି। ସୂଚନାଯୋଗ୍ୟ, ଗଣତନ୍ତ୍ର ଦିବସରେ ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ କାର୍ଯ୍ୟ ଏବଂ ସେବା ପାଇଁ ପଦ୍ମ ପୁରସ୍କାର ଘୋଷଣା କରାଯାଇଥିଲା।

## ନୀତିନ ଗଡକରୀଙ୍କ ଗସ୍ତ

ବିଜେପିର ବରିଷ୍ଠ ନେତା ତଥା କେନ୍ଦ୍ରମନ୍ତ୍ରୀ ନୀତିନ ଗଡକରୀ ଓଡ଼ିଶା ଗସ୍ତର ନିର୍ବାଚନ ପ୍ରଚାରରେ ଆସି ଆଜି ପୁରୀ ଜିଲ୍ଲା କୃଷ୍ଣପ୍ରସାଦ ବ୍ଲକରେ ନିର୍ବାଚନୀ ସଭାରେ ଦଳ ସପକ୍ଷରେ ଭୋଟ୍ ଦେବା ଲାଗି ମତଦାତା ମାନଙ୍କୁ ନିବେଦନ କରିଛନ୍ତି। ଶ୍ରୀ ଗଡ଼କରୀ କହିଛନ୍ତି, ରାଜ୍ୟରେ ବିଜେପି ସରକାର ଗଠନ ହେଲେ ସର୍ବାଙ୍ଗୀନ ଉନ୍ନତି ହେବ। ଚାଷୀଙ୍କଠାରୁ ଆରମ୍ଭ କରି ରାସ୍ତା ନିର୍ମାଣ ଏବଂ ମତ୍ସ୍ୟଜୀବୀମାନଙ୍କ ପର୍ଯ୍ୟନ୍ତ ସମସ୍ତଙ୍କ ପାଇଁ ସରକାର ବିଭିନ୍ନ କାର୍ଯ୍ୟକ୍ରମ ଜରିଆରେ ସୁବିଧା ଉପଲବ୍ଧ କରାଇବେ। ଶ୍ରୀ ଗଡ଼କରୀ ଏହି କାର୍ଯ୍ୟକ୍ରମ ପୂର୍ବରୁ ପୁରୀ ଶ୍ରୀମନ୍ଦିରରେ ଶ୍ରୀଜୀଉମାନଙ୍କ

ଦର୍ଶନ କରିଛନ୍ତି । ପୁରୀ ଲୋକସଭା ପ୍ରାର୍ଥୀ ସମ୍ବିତ୍ ପାତ୍ର ଏବଂ ବିଧାୟକ ଜୟନ୍ତ କୁମାର ଷଡଙ୍ଗୀ  ଓ ଦଳୀୟ ନେତାମାନଙ୍କ ସହ ଶ୍ରୀ ଗଡକରୀ ଶ୍ରୀମନ୍ଦିର ଯାଇ ଶ୍ରୀଜୀଉଙ୍କ ଆଶୀର୍ବାଦ ଭିକ୍ଷା କରିଥିଲେ ।

## ମୁଖ୍ୟମନ୍ତ୍ରୀଙ୍କ ପ୍ରଚାର

ବିଜେଡି ସଭାପତି ତଥା ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଆଜି ଗଞ୍ଜାମ ଏବଂ କନ୍ଧମାଳ ଗସ୍ତରେ ଆସି ଏକ ଦଳୀୟ  ପ୍ରାର୍ଥୀଙ୍କ ସପକ୍ଷରେ ନିର୍ବାଚନ ପ୍ରଚାର କରିଛନ୍ତି । ମୁଖ୍ୟମନ୍ତ୍ରୀ ଦୁଇ କାର୍ଯ୍ୟକ୍ରମରେ ରାଜ୍ୟ ସରକାରଙ୍କର ବିଭିନ୍ନ କଲ୍ୟାଣକାରୀ ଯୋଜନା ଉପରେ ଆଲୋକପାତ କରିଛନ୍ତି ।

ଅପରାହ୍ନରେ ମୁଖ୍ୟମନ୍ତ୍ରୀ କନ୍ଧମାଳ ଜିଲ୍ଲା ଗସ୍ତରେ ଯାଇ ଫୁଲବାଣୀଠାରେ ଷ୍ଟାଡିୟମ୍‌ରେ  ନିର୍ବାଚନ ପ୍ରଚାର କରିବା ସହ ରାଜ୍ୟ ସରକାରଙ୍କ ବିଭିନ୍ନ କଲ୍ୟାଣକାରୀ ଯୋଜନା ଉପରେ ଆଲୋକପାତ କରିଥିଲେ ।

## ନିର୍ବାଚନ ପ୍ରଚାର– ମଲିକାର୍ଜୁନ ଖଡ୍‌ଗେ

ରାଜ୍ୟରେ ଲୋକସଭା ଓ ବିଧାନସଭା ନିର୍ବାଚନ ନିମନ୍ତେ ଆଉ ଅଳ୍ପଦିନ ବାକି ଥିବାବେଳେ କେନ୍ଦ୍ରୀୟ ନେତାମାନେ ନିର୍ବାଚନ ପ୍ରଚାର ପାଇଁ ଓଡ଼ିଶା ଗସ୍ତରେ ଆସୁଛନ୍ତି । ଏହି କ୍ରମରେ ଆସନ୍ତା ୧୪ ତାରିଖରେ କଂଗ୍ରେସ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡ୍‌ଗେ ଫୁଲବାଣୀ ଗସ୍ତକରିବାର କାର୍ଯ୍ୟକ୍ରମ

ରହିଛି। ରାଜ୍ୟ କଂଗ୍ରେସ ସୂଚନା ଅନୁଯାୟୀ ଶ୍ରୀ ଖଡ୍‌ଗେ ଫୁଲବାଣୀରେ ନିର୍ବାଚନ ସଭାରେ ଯୋଗଦେଇ ସମ୍ବୋଧିତ କରିବେ।

ସୂଚନାଯୋଗ୍ୟ, କନ୍ଧମାଳ ଜିଲ୍ଲାରେ ଆସନ୍ତା ୨୦ ତାରିଖରେ ମତଦାନ ଅନୁଷ୍ଠିତ ହେବ ।

## ଛତିଶଗଡ଼ ମୁଖ୍ୟମନ୍ତ୍ରୀ

ଛତିଶଗଡ଼ ମୁଖ୍ୟମନ୍ତ୍ରୀ ବିଷ୍ଣୁ ଦେବ ସାହେ ଆଜି କୋରାପୁଟ ଜିଲ୍ଲାର ଲକ୍ଷ୍ମୀପୁରଠାରେ ବିଜେପି ପ୍ରାର୍ଥୀମାନଙ୍କ ପ୍ରଚାର କାର୍ଯ୍ୟରେ ଯୋଗ ଦେଇଛନ୍ତି। ଏହି ନିର୍ବାଚନୀ ସଭାରେ ସେ କହିଛନ୍ତି, ରାଜ୍ୟରେ ବିଜେପି ସରକାର ଗଠନ ହେଲେ ଓଡ଼ିଶା ଭାରତ ବର୍ଷରେ ଶ୍ରେଷ୍ଠତମ ରାଜ୍ୟ ରୂପେ ରୂପାନ୍ତରିତ ହୋଇପାରିବ।

***Desk***

## ପ୍ରଧାନମନ୍ତ୍ରୀଙ୍କ ଗସ୍ତ

ବିଜେପିର ବରିଷ୍ଠ ନେତା ତଥା ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ଦୁଇଦିନିଆ ଓଡ଼ିଶା ଗସ୍ତରେ ଆସିବେ। ସେ ଭୁବନେଶ୍ୱରଠାରେ ରୋଡ଼ ଶୋ’ କାର୍ଯ୍ୟକ୍ରମରେ ଯୋଗଦେବେ। ଶ୍ରୀ ମୋଦୀଙ୍କ ରୋଡ୍ ଶୋ’ ମାଷ୍ଟରକ୍ୟାଣ୍ଟିନ୍ ଛକରୁ ବାଣୀବିହାର ପର୍ଯ୍ୟନ୍ତ ହେବ । ପ୍ରଧାନମନ୍ତ୍ରୀଙ୍କ ରୋଡ୍ ସୋ’ ପାଇଁ ଭୁବନେଶ୍ୱର କମିଶନରେଟ୍ ପୁଲିସ ପକ୍ଷରୁ ଆଜି ଟ୍ରାଫିକ୍ କଟକଣା ଜାରି କରାଯାଇଛି। ଆସନ୍ତାକାଲି ଅପରାହ୍ନ ୨ଟାରୁ ରୋଡ୍ ସୋ’ ସରିବା ପର୍ଯ୍ୟନ୍ତ ମାଷ୍ଟର କ୍ୟାଣ୍ଟିନ୍‌ରୁ

ବାଣୀବିହାର ଗାଡ଼ି ଚଳାଚଳ ବନ୍ଦ ରହିବ । ଏଥିସହ ଜନପଥକୁ ସଂଯୋଗ କରୁଥିବା ସବୁ ଗଳିରୁ ଗାଡ଼ି ରାସ୍ତାକୁ ଛଡ଼ାଯିବନି ବୋଲି କମିଶନରେଟ୍ ପୁଲିସ ପକ୍ଷରୁ ସୂଚନା ମିଳିଛି ।

ତା' ପରଦିନ ପ୍ରଧାନମନ୍ତ୍ରୀଙ୍କ କନ୍ଧମାଳ, ବରଗଡ଼ ଓ ବଲାଙ୍ଗିର ଗସ୍ତ କରି ନିର୍ବାଚନୀ ସଭାକୁ ସମ୍ବୋଧନ କରିବାର କାର୍ଯ୍ୟକ୍ରମ ରହିଛି । ଏହି ସବୁ ସ୍ଥାନରେ ନୋ ଫ୍ଲାଇଙ୍ଗ୍ ଜୋନ୍ ଘୋଷଣା କରାଯାଇଛି ।

## ବିଧାନସଭା ନିର୍ବାଚନ-ଦେବଗଡ଼

ନିର୍ବାଚନ କମିଶନଙ୍କ ପକ୍ଷରୁ ଲୋକସଭା ଓ ବିଧାନସଭା ନିର୍ବାଚନ ନିମନ୍ତେ ବିଜ୍ଞପ୍ତି ପ୍ରକାଶ ପାଇବା ପରେ ଦେବଗଡ଼  ଜିଲ୍ଲାପାଳ ତଥା ଜିଲ୍ଲା ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟରେ ପ୍ରାର୍ଥପତ୍ର ଦାଖଲ ପ୍ରକ୍ରିୟା ଶେଷ ହୋଇଛି । ଏହି ପ୍ରକ୍ରିୟାରେ ରାଜ୍ୟର ତିନୋଟି ପ୍ରମୁଖ ଦଳ ବିଜେଡି, ବିଜେପି ଏବଂ କଂଗ୍ରେସ ପକ୍ଷରୁ ଜୋରଦାର ରାଜନୈତିକ ପ୍ରସ୍ତୁତି ଆରମ୍ଭ ହୋଇଛି । ନିର୍ବାଚନ ସମ୍ପର୍କିତ ତଥ୍ୟକୁ ନେଇ ଆମ ଦେବଗଡ଼ ସମ୍ବାଦଦାତା **ସୁଜାତା ସାହୁଙ୍କ** ରିପୋର୍ଟ....

**- V/O -**

## ରତ୍ନଭଣ୍ଡାର କମିଟି ବୈଠକ

ଶ୍ରୀମନ୍ଦିର କାର୍ଯ୍ୟାଳୟଠାରେ ଆଜି ରତ୍ନଭଣ୍ଡାର ତଦାରଖ କମିଟିର ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହୋଇଯାଇଛି । ପୂର୍ବତନ ବିଚାରପତି ଜଷ୍ଟିସ୍

ଅରିଜିତ ପଶାୟତଙ୍କ ଅଧ୍ୟକ୍ଷତାରେ ରାଜ୍ୟ ସରକାରଙ୍କ ଦ୍ୱାରା ଗଠିତ ୧୨ ଜଣିଆ କମିଟିର ଏହା ହେଉଛି ଦ୍ୱିତୀୟ ବୈଠକ। ଶ୍ରୀମନ୍ଦିର ରତ୍ନଭଣ୍ଡାରର ରତ୍ନଗଣତି, ଗଣତି ପାଇଁ କିଭଳି ବ୍ୟବସ୍ଥା ହୋଇପାରିବ ସେ ନେଇ ବୈଠକରେ ଆଲୋଚନା ହୋଇଛି। ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସନ ବୀରବିକ୍ରମ ଯାଦବ, ପରିଚାଳନା କମିଟି ସେବାୟତ ସଦସ୍ୟ ଏ.ଏସ୍.ଆଇ. ଅଧିକାରୀ ଏବଂ ରତ୍ନଭଣ୍ଡାର କମିଟିର ଅନ୍ୟାନ୍ୟ ସଦସ୍ୟମାନେ ବୈଠକରେ ଉପସ୍ଥିତ ଥିଲେ।

ସୂଚନାଯୋଗ୍ୟ, ୧୯୭୮ ମସିହାରେ ରତ୍ନଭଣ୍ଡାର ଖୋଲାଯାଇଥିବା ବେଳେ ତାହାର ସମସ୍ତ ରିପୋର୍ଟ ହସ୍ତଗତ ହୋଇଛି। ସେହି ରିପୋର୍ଟ ଆଧାରରେ ରତ୍ନଭଣ୍ଡାରର ରତ୍ନଅଳଙ୍କାର ଗଣତି, ମଣତି କରାଯିବ ବୋଲି ଜଷ୍ଟିସ ପଶାୟତ କହିଛନ୍ତି।

## ଶେଷ ପର୍ଯ୍ୟାୟ ବିଜ୍ଞପ୍ତି

ରାଜ୍ୟରେ ଚତୁର୍ଥ ତଥା ଦେଶରେ ସପ୍ତମ ପର୍ଯ୍ୟାୟ ନିର୍ବାଚନ ପାଇଁ ପ୍ରାର୍ଥିପତ୍ର ଦାଖଲ ପ୍ରକ୍ରିୟା ଜାରି ରହିଛି। ଏହି ପର୍ଯ୍ୟାୟରେ ମୟୂରଭଞ୍ଜ, ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡା ଓ ଜଗତସିଂହପୁର ସଂସଦୀୟ କ୍ଷେତ୍ର ଏବଂ ଏହା ଅନ୍ତର୍ଗତ ୪୨ଟି ବିଧାନସଭା ଆସନ ପାଇଁ ମତଦାନ ହେବ। ଆସନ୍ତା ୧୪ ତାରିଖ ନାମାଙ୍କନପତ୍ର ଦାଖଲର ଶେଷ ତାରିଖ ରହିଥିବା ବେଳେ ୧୫ରେ ନାମାଙ୍କନପତ୍ର ଯାଞ୍ଚ ଓ ୧୭ରେ ପ୍ରାର୍ଥିପତ୍ର

ପ୍ରତ୍ୟାହାର ପାଇଁ ଶେଷ ତାରିଖ ରହିଛି। ଏହି ପର୍ଯ୍ୟାୟ ନିର୍ବାଚନ ପାଇଁ ଆସନ୍ତା ଜୁନ୍ ୧ ତାରିଖରେ ମତଦାନ ହେବ ।

ଅନ୍ୟପକ୍ଷରେ ଷଷ୍ଠ ପର୍ଯ୍ୟାୟ ନିର୍ବାଚନ ନିମନ୍ତେ ଆଜି ପ୍ରାର୍ଥିପତ୍ର ପ୍ରତ୍ୟାହାରର ଶେଷ ଦିବସ ରହିଛି। ଏହି ପର୍ଯ୍ୟାୟରେ ୬ଟି ଲୋକସଭା ଆସନ ସମ୍ବଲପୁର, କେନ୍ଦୁଝର, ଢେଙ୍କାନାଳ, କଟକ, ପୁରୀ ଏବଂ ଭୁବନେଶ୍ୱର ଲୋକସଭା ଆସନ ଓ ଏହା ଅନ୍ତର୍ଗତ ୪୨ଟି ବିଧାନସଭା ଆସନ ପାଇଁ ଚଳିତମାସ ୨୫ ତାରିଖରେ ମତଦାନ ଅନୁଷ୍ଠିତ ହେବ।

## ପର୍ଯ୍ୟବେକ୍ଷକ ବୈଠକ

ଆସନ୍ତା ନିର୍ବାଚନ ପାଇଁ ନୂଆପଡ଼ା ଜିଲ୍ଲା ନିର୍ବାଚନ ଅଧିକାରୀ ତଥା ଜିଲ୍ଲାପାଳଙ୍କ ସଭାପତିତ୍ୱରେ ଜିଲ୍ଲାର ସମସ୍ତ ଆରୋ, ବିଭାଗୀୟ ଅଧିକାରୀମାନଙ୍କୁ ନେଇ ନିର୍ବାଚନ ପରିଚାଳନା ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ଆସନ୍ତା ମେ’ ୨୦ ଏବଂ ୨୫ ତାରିଖରେ ହେବାକୁ ଥିବା ସାଧାରଣ ନିର୍ବାଚନ କିପରି ସ୍ୱଚ୍ଛ ନିରପେକ୍ଷ ଭାବରେ ସମ୍ପନ୍ନ ହୋଇପାରିବ ଏହା ଉପରେ ବୈଠକରେ ଗୁରୁତ୍ୱ ଦିଆଯାଇଥାଏ।

ବୌଦ୍ଧ ଓ କନ୍ଧମାଳ ନିର୍ବାଚନମଣ୍ଡଳୀ ପାଇଁ ସାଧାରଣ ପର୍ଯ୍ୟବେକ୍ଷକ ଭାବେ ରବୀନ୍ଦ୍ର ଲକ୍ଷ୍ମଣ ବିନୱାଡ଼େ ଆଜି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଥିବା

ନିର୍ବାଚନ କଣ୍ଟ୍ରୋଲ ରୁମ୍ ପରିଦର୍ଶନ କରି ସାଧାରଣ ନିର୍ବାଚନ ପରିଚାଳନା ସମ୍ପର୍କିତ ସମସ୍ତ କାର୍ଯ୍ୟର ତଦାରଖ କରିଛନ୍ତି।

## ଅକ୍ଷୟ ତୃତୀୟା

ପବିତ୍ର ଅକ୍ଷୟ ତୃତୀୟା ଅବସରରେ ଆସନ୍ତାକାଲି ବିଶ୍ୱପ୍ରସିଦ୍ଧ ରଥଯାତ୍ରା ପାଇଁ ରଥ ନିର୍ମାଣ କାର୍ଯ୍ୟ ଅନୁକୂଳ ହେବା ସହ ୨୧ ଦିନ ବ୍ୟାପି ବାହାର ଚନ୍ଦନ ଯାତ୍ରା ଆରମ୍ଭ ହେବ। ଅକ୍ଷୟ ତୃତୀୟା ପାଇଁ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସମସ୍ତ କାର୍ଯ୍ୟ ଚୂଡାନ୍ତ  ପର୍ଯ୍ୟାୟରେ ପହଞ୍ଚିଛି। ଚନ୍ଦନ ଯାତ୍ରା ପାଇଁ ମହାପ୍ରଭୁଙ୍କ ଚଳନ୍ତି ପ୍ରତିମା ମଦନମୋହନ, ଭୂଦେବୀ, ଶ୍ରୀଦେବୀ ଏବଂ ଶ୍ରୀକ୍ଷେତ୍ରର ପଞ୍ଚମହାଦେବ ନରେନ୍ଦ୍ର ପୁଷ୍କରଣୀରେ ଚାପ ଖେଳିବେ।

## ରେଳଲାଇନ୍

ପୂର୍ବତଟ ରେଳପଥର କାର୍ଯ୍ୟକାରୀ ମହାପ୍ରବନ୍ଧକ ମହେଶ କୁମାର ବେହେରା ବଲାଙ୍ଗୀର-ଖୋର୍ଦ୍ଧା ରୋଡ ରେଳଲାଇନ୍ ପ୍ରକଳ୍ପର ବୌଦ୍ଧ-ଚମ୍ପାପୁର ରେଳ ସେକସନ୍‌ର ରେଳଲାଇନ୍ ନିରୀକ୍ଷଣ କରିଛନ୍ତି। ଏହି ରେଳଲାଇନ୍ କାର୍ଯ୍ୟର ଅଗ୍ରଗତିର ସମୀକ୍ଷା କରିବା ସହ ସହିତ ପ୍ରକଳ୍ପଟି ନିର୍ଦ୍ଧାରିତ ସମୟରେ ଶେଷ କରିବା ସହିତ ଷ୍ଟେସନ୍‌ରେ ଯାତ୍ରୀମାନଙ୍କ ସୁବିଧା

ପାଇଁ ଆବଶ୍ୟକ ପଦକ୍ଷେପ ନେବାକୁ ପରାମର୍ଶ ଦେଇଛନ୍ତି । ସୂଚନାଯୋଗ୍ୟ, ବଲାଙ୍ଗୀର-ଖୋର୍ଦ୍ଧା ରୋଡ ରେଳ ଲାଇନ୍‌ର ପ୍ରକଳ୍ପର ୩୦୧ କିଲୋମିଟର ରାସ୍ତା ମଧ୍ୟରୁ ପାଖାପାଖି ୧୫୩ କିଲୋମିଟର ରେଳଲାଇନ୍ କାର୍ଯ୍ୟକ୍ଷମ ହୋଇସାରିଛି ।

***********************************